ଗ୍ରାମୀଣ କୃଷି ମୌସମ ସେବା
ଭାରତୀୟ ପାଣିପାଗ ବିଭାଗ
ଓଡିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ, ଭୁବନେଶ୍ବର – ୭୫୧୦୦୩

Dr. T. R. Mohanty
Nodal Officer

**ସପ୍ତାହ –୪୬**

ନ.- ୧୧୩୨ (ଓଡିଆ ବୁଲେଟିନ)
ତାରିଖ- ୧୪ .୧୧.୨୦୨୫

(ସୌଜନ୍ୟ – ଓୟୁଏଟି ସ୍ଥିତ କୃଷି ପାଣିପାଗ ଉପବିଭାଗ ଓ ଓଡ଼ିଶା ସରକାରଙ୍କ କୃଷି ନିର୍ଦ୍ଦେଶାଳୟ, ପ୍ରାଣୀପାଳନ ଓ ପ୍ରାଣୀ ଚ଼ିକିତ୍ସା ନିର୍ଦ୍ଦେଶାଳୟ ଓ ମତ୍ସ୍ୟ ନିର୍ଦ୍ଦେଶାଳୟ)

## ଖୋର୍ଦ୍ଧା ଜିଲ୍ଲା (ପୂର୍ବ ଓ ଦକ୍ଷିଣ ପୂର୍ବ ଉପକୂଳବର୍ତୀ ସମତଳ ଅଞ୍ଚଳ)

| ଗତ ସପ୍ତାହର ପାଣିପାଗ ସମ୍ବନ୍ଧୀୟ ସୂଚନା (୦୮ .୧୧ .୨୦୨୫ ରୁ ୧୪ .୧୧ .୨୦୨୫) | | |
|---|---|---|
| ସର୍ବାଧିକ ତାପମାତ୍ରା (ଡିଗ୍ରୀ ସେଲସିୟସ) | ସର୍ବନିମ୍ନ ତାପମାତ୍ରା (ଡିଗ୍ରୀ ସେଲସିୟସ) | ବୃଷ୍ଟିପାତ (ମି. ମି.) |
| **30.9** | **16** | **0** |

## ଭାରତୀୟ ପାଣିପାଗ ବିଭାଗ ଅନୁଯାୟୀ ଆଗାମୀ ୧୫ . ୧୧ . ୨୦୨୫ ରୁ ୧୯ .୧୧ .୨୦୨୫ ତାରିଖ ପର୍ଯ୍ୟନ୍ତ ପାଣିପାଗ ସୂଚନା

| ପାଣିପାଗ କାରକ | ପ୍ରଥମ ଦିନ | ଦ୍ବିତୀୟ ଦିନ | ତୃତୀୟ ଦିନ | ଚତୁର୍ଥ ଦିନ | ପଞ୍ଚମ ଦିନ |
|---|---|---|---|---|---|
| ବୃଷ୍ଟିପାତ & ଆକାଶର ସ୍ଥିତି | ପାଗ ଶୁଖିଲା ଓ ଆକାଶ ମୁଖ୍ୟତଃ ପରିଷ୍କାର | ପାଗ ଶୁଖିଲା ଓ ଆକାଶ ପରିଷ୍କାର | ପାଗ ଶୁଖିଲା ଓ ଆକାଶ ପରିଷ୍କାର | ପାଗ ଶୁଖିଲା ଓ ଆକାଶ ମୁଖ୍ୟତଃ ପରିଷ୍କାର | ପାଗ ଶୁଖିଲା ଓ ଆକାଶ ମୁଖ୍ୟତଃ ପରିଷ୍କାର |
| ସର୍ବାଧିକ ତାପମାତ୍ରା (°C) | 30 | 30 | 30 | 30 | 30 |
| ସର୍ବନିମ୍ନ ତାପମାତ୍ରା (°C) | 16 | 16 | 17 | 17 | 17 |
| ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା (%) | 69 | 68 | 67 | 67 | 74 |
| ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା (%) | 33 | 33 | 33 | 37 | 42 |
| ପବନର ବେଗ (କି.ମି./ଘ.) | 8 | 8 | 7 | 8 | 9 |
| ପବନର ଦିଗ | 335 | 336 | 343 | 352 | 337 |

ଭାରତୀୟ ପାଣିପାଗ କେନ୍ଦ୍ରର ପୂର୍ବାନୁମାନ ଅନୁଯାୟୀ, ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ଖୋର୍ଦ୍ଧା ଜିଲ୍ଲାରେ ପାଗ ଶୁଖିଲା ରହିବାର ସମ୍ଭାବନା ରହିଅଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ଆକାଶ ପରିଷ୍କାର ରୁ ମୁଖ୍ୟତଃ ପରିଷ୍କାର ରହିବାର ସମ୍ଭାବନା ଥିବାବେଳେ ପବନର ବେଗ ହାରାହାରି ୦୭ ରୁ ୦୯ କି.ମି. ପ୍ରତି ଘଣ୍ଟା ପର୍ଯ୍ୟନ୍ତ ରହିବାର ସୂଚନା ରହିଛି । ସେହିପରି ଆଗାମୀ ୫ ଦିନ ପର୍ଯ୍ୟନ୍ତ ଦିନର ସର୍ବୋଚ୍ଚ ଓ ସର୍ବନିମ୍ନ ତାପମାତ୍ରା ୩୦ ଡିଗ୍ରୀ ସେଲସିଅସ ଓ ୧୬ ରୁ ୧୭ ଡିଗ୍ରୀ ସେଲସିଅସ ମଧ୍ୟରେ ରହିବାର ସମ୍ଭାବନା ରହିଅଛି ।

## ବିଶେଷ କୃଷି ସୂଚନା

- ❖ ପାଣିପାଗ ବିଭାଗ, ଭୁବନେଶ୍ୱରର ପୂର୍ବାନୁମାନ ଅନୁସାରେ, ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ଖୋର୍ଦ୍ଧା ଜିଲ୍ଲାରେ ପାଗ ଶୁଖିଲା ରହିବାର ସମ୍ଭାବନା ରହିଅଛି ।
- ❖ ଆଗାମୀ ସପ୍ତାହରେ ପାଗ ଶୁଖିଲା ରହିବାର ସମ୍ଭାବନା ଥିବାରୁ, ଚାଷୀ ଭାଇମାନଙ୍କୁ ଆବଶ୍ୟକ ସ୍ଥଳେ ଘାସ ବଛା, ସାର ପ୍ରୟୋଗ , ଜଳସେଚନ, ଅମଳ ଏବଂ ଜୀବନାଶକ ର ପ୍ରୟୋଗ କରିବା ପାଇଁ ପରାମର୍ଶ ଦିଆଯାଉଅଛି ।
- ❖ ଶୀତ ଦିନିଆ ପନିପରିବା ତଳିଘେରାକୁ ରାତିର କମ ତାପମାତ୍ରାରୁ ରକ୍ଷା କରିବା ପାଇଁ ପଲିଥିନ ଦ୍ୱାରା ଆଚ୍ଛାଦିକରଣ କରନ୍ତୁ ।
- ❖ ୩୦ ରୁ ୪୫ ଦିନର ପନିପରିବା ଚାରା ଯଥା ଟମାଟୋ, ବାଇଗଣ, ଲଙ୍କା, ଫୁଲକୋବି, ବନ୍ଧାକୋବି ଇତ୍ୟାଦି କୁ ମୁଖ୍ୟ ଜମିରେ ପ୍ରତିରୋପଣ କରି ଦିଅନ୍ତୁ ।
- ❖ ବର୍ତମାନ ପାଇରା ଚାଷ କରିବାର ଉପଯୁକ୍ତ ସମୟ, ଯାହାକି ଧାନ କଟିବାର ୧୫ ଦିନ ପୂର୍ବରୁ କରାଯାଇଥାଏ ।
- ❖ କୀଟନାଶକ ଔଷଧ ସିଂଚନ ସକାଳ ଓ ସନ୍ଧ୍ୟା ସମୟରେ କରନ୍ତୁ ।
- ❖ ଶୀତ ଦିନିଆ ପନିପରିବା କୋବି, ବାଇଗଣ, ଟମାଟୋ ଓ ଲଙ୍କା ଫସଲ ରେ ପତ୍ରଖିଆ ଓ ଫଳବିନ୍ଧା ପୋକ ର ଦମନ ପାଇଁ ୧ ଲିଟର ପାଣିରେ ପ୍ରତି ୦.୫ ଗ୍ରାମ Emamectin benzoate କିମ୍ବା ୦.୪ ଗ୍ରାମ Spinosad ପ୍ରୟୋଗ କରନ୍ତୁ ।
- ❖ ଉଚ୍ଚ-ମଧ୍ୟମ ଜମିରେ ମାଟିର ବତର ଦେଖି ରବି ଫସଲ ଯଥା ମୁଗ, ବିରି , ଖୁଡୁଙ୍ଗ, ମଟର, ଚିନାବାଦାମ, ରାଶି, ଏବଂ ସୂର୍ଯ୍ୟମୁଖୀ ଚାଷ କରନ୍ତୁ ।
- ❖ ପଶୁମାନଙ୍କର ଟୀକାକରଣ ପାଇଁ ନିକଟସ୍ଥ ପ୍ରାଣୀ ଚିକିତ୍ସକଙ୍କ ସହିତ ପରାମର୍ଶ କରନ୍ତୁ ।

| ଫସଲ | ଅବସ୍ଥା | କୃଷି ପରାମର୍ଶ |
|---|---|---|
| ଧାନ | କ୍ଷୀର ଢୋକିବା ଅବସ୍ଥା/ ପରିପକ୍ବୋ ଅବସ୍ଥା | ❖ କେଣ୍ଡା ଅଷ୍ଟପଦୀ ପୋକ- ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୪୦୦ ମିଲି Proparzite 57% EC କିମ୍ବା ୪୦୦ ମିଲି Fenazaquin 10% EC କିମ୍ବା ୪୦୦ ମିଲି Fenpyroximate 5% EC ନାମକ କୀଟନାଶକ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।<br>❖ ସାହାରା ରୋଗ – ଏହି ରୋଗର ପ୍ରତିକାର ପାଇଁ ୨ ଗ୍ରାମ କପର ହାଇଡ୍ରୋକ୍ସାଇଡ ୭୭.୨ % କିମ୍ବା ୨ ଗ୍ରାମ ଟେବୁକୋନାଜୋଲ ୨୫% କୁ ୧ ଲିଟର ପାଣିରେ ମିଶ୍ରଣ କରି ସିଂଚନ କରନ୍ତୁ । ସାତ ଦିନ ଅନ୍ତରରେ ପୁନର୍ବାର ସିଞ୍ଚନ କରନ୍ତୁ । |
| ମୁଗ ଓ ବିରି | ବୁଣିବା ଅବସ୍ଥା | ❖ ବିହନ ବୁଣିବାର ଦୁଇ ଦିନ ମଧ୍ୟରେ ଘାସ ନିୟନ୍ତ୍ରଣ ପାଇଁ ମାଟି ବତର ଥିବା ଅବସ୍ଥା ରେ ଏକର ପ୍ରତି ୧ ଲିଟର Pendimethalin ନାମକ ଘାସମରା ଔଷଧ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ଚିନାବାଦାମ | ବୁଣିବା ଅବସ୍ଥା | ❖ ଚିନାବାଦାମ ଫସଲରେ ଘାସ ନିୟନ୍ତ୍ରଣ ପାଇଁ ବିହନ ବୁଣିବାର ୧ରୁ ୨ ଦିନ ମଧ୍ୟରେ, ୮୦ ମି.ଲି Oxyfluorfen ନାମକ ଘାସମରା ଔଷଧ କିମ୍ବା ୧ ଲିଟର Pendimethalin ନାମକ ଘାସମରା ଔଷଧ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ମଞ୍ଜି ବୁଣିବାର ୩ ଦିନ ମଧ୍ୟରେ କୌଣସି ଘାସମରା ଔଷଧ ପ୍ରୟୋଗ କରି ନଥିଲେ ମଞ୍ଜି ବୁଣିବାର ୧୫ ଦିନ ମଧ୍ୟରେ ଏକର ପ୍ରତି ୩୦୦ ମିଲି Imazethapyr କିମ୍ବା ୪୦୦ ମିଲି Quizalofop Ethyl ନାମକ ଘାସମରା ଔଷଧ ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ । |
| ଆଖୁ | ଅଙ୍ଗୀୟ ଅଭିବୃଦ୍ଧି – ପରିପକ୍ବୋ ଅବସ୍ଥା | ❖ ନାଲି ଶଢା ରୋଗ<br>ଆଖୁ ରେ ନାଲି ଶଢା ରୋଗ ର ପରିଚାଳନା ପାଇଁ ଏକର ପ୍ରତି ୪୦୦ ଗ୍ରାମ carbendazim ଏବଂ mancozeb ର ମିଳିତ ଫିମ୍ପିନାଶକ କିମ୍ବା ୪୦୦ ଗ୍ରାମ Metalaxyl ଏବାଂ mancozeb ର ମିଳିତ ଫିମ୍ପିନାଶକ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ବାଇଗଣ | ଫଳ ଧରିବା ଅବସ୍ଥା | ❖ ବାଇଗଣ ରେ ଫଳ ବିନ୍ଧା ପୋକ ର ପରିଚାଳନା ନିମନ୍ତେ ଚାଷୀଭାଇ ମାନେ ଏକର ପିଛା ୮ ଟି ଫେରୋମୋନ ଯନ୍ତା ଲଗାନ୍ତୁ। ରାସାୟନିକ ଉପାୟରେ ନିୟନ୍ତ୍ରଣ ନିମନ୍ତେ ୧.୫ ମିଲିଗ୍ରାମ ସ୍ପିନୋସାଡ କୁ ପ୍ରତି ୪ ଲିଟର ପାଣିରେ କିମ୍ବା ୧୦ ଲିଟର ପାଣିରେ ଇମାମେକ୍ଟିନବେଞ୍ଜୋଏଟ୍ ୫% ଏସ୍.ଜି. ୦.୪ ଗ୍ରା. କିମ୍ବା ୨ ମି.ଲି ଥିଓଡିକାର୍ବ ୭୫% ଡବ୍ଲୁ.ପି କୁ ପ୍ରତି ୧ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ। |
| ଲଙ୍କା | ଅଙ୍ଗୀୟ ଅଭିବୃଦ୍ଧି ରୁ ଫଳ ଧରିବା ଅବସ୍ଥା | ❖ ଉକୁଣିଆ ପୋକର ପରିଚାଳନା ପାଇଁ ଏକର ପିଛା ୮ଟି ଅଠାଳିଆ ନୀଳ ଯନ୍ତା ଲଗାନ୍ତୁ । ରାସାୟନିକ ଉପାୟରେ ସଂକ୍ରମଣ ରୋକିବା ପାଇଁ ପ୍ରତି ଲିଟର ପାଣିରେ ଇମାମେକ୍ଟିନବେଞ୍ଜୋଏଟ୍ ୫% ଏସ୍.ଜି. ୦.୪ ଗ୍ରା. କିମ୍ବା ଫିପ୍ରୋନିଲ୍ ୫% ଏସ୍.ସି. ୨ ମି.ଲି. କିମ୍ବା ଇମିଡ଼ାକ୍ଲୋପ୍ରିଡ୍ ୧୭.୮% ଏସ୍.ଏଲ୍. ୦.୩୫ ମି.ଲି ହିସାବରେ ମିଶ୍ରଣ କରି ସିଞ୍ଚନ କରନ୍ତୁ। |

| | | |
|---|---|---|
| ପିଆଜ | ଲଗାଇବା ପୂର୍ବ ଅବସ୍ଥା | ❖ ତଳି ପଟାଳିରେ ବିହନ ଲଗାଇବା ପୂର୍ବ ରୁ ଏକ କିଲୋଗ୍ରାମ ବିହନ ରେ ୨ ଗ୍ରାମ-Carbendazim ନାମକ ଫିମ୍ପିନାଶକ କିମ୍ବା ୩ ଗ୍ରାମ Carboxin ଓ Thiram ର ମିଳିତ ଫିମ୍ପିନାଶକ ବିହନରେ ଗୋଳାଇ ବିଶୋଧନ କରନ୍ତୁ । ପିଆଜ ତଳି ୮ ସପ୍ତାହର ହୋଇଗଲେ ମୁଖ୍ୟ ଜମିରେ  ଲଗାଯାଏ । |
| ବୋଇତାଳୁ / କଖାରୁ | ଫୁଲ ଓ ଫଳ ଅବସ୍ଥା | ❖ କୀଟନାଶକ ସିଞ୍ଚନ କାର୍ଯ୍ୟ ସକାଳେ କିମ୍ବା ସନ୍ଧ୍ୟା ସମୟରେ କରିପାରିବେ।<br>❖ ପତ୍ର ଦାଗ କୁ ନିୟନ୍ତ୍ରଣ କରିବାକୁ ହେଲେ, କପ୍ତାନ କିମ୍ବା ମାଙ୍କୋଜେବ @2 ଗ୍ରା ପ୍ରତି ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| କଦଳୀ | ଫଳ ଅବସ୍ଥା | ❖ କଦଳୀ କାନ୍ଦି ଅମଳ ଯୋଗ୍ୟ ହୋଇଥିଲେ, ଅମଳ କରି ସୁରକ୍ଷିତ ସ୍ଥାନ ରେ ରଖନ୍ତୁ ।<br>❖ ଧଳା ମାଛି କିମ୍ବା ଉଙ୍କୁଣିଆ ପୋକ ଦେଖା ଦେଲେ, Imidachloprid @ 1ml/ltସିଞ୍ଚନ କରନ୍ତୁ । |
| ପଶୁ ସମ୍ପଦ | ❖ ଶୀତ ଋତୁ ରେ ଗାଈଗୋରୁ ମାନଙ୍କୁ ପ୍ରତିଦିନ mineral mixture ସହ ଲୁଣ, ଚୋକଡ ଓ ଗୁଡ @ ୧୦ ରୁ ୨୦ ଶତକଡା ମିଶାଇ ଖାଇବାକୁ ଦିଅନ୍ତୁ । | |

ତୁଷାର ରଞ୍ଜନ ମହାନ୍ତି
ନୋଡାଲ୍ ଅଫିସର,
ଗ୍ରାମୀଣ କୃଷି ମୌସମ ସେବା, ଓ.ୟୁ.ଏ.ଟି

ଅଧକ୍ଷ, ଗବେଷଣା ନିର୍ଦ୍ଦେଶାଳୟ,
ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ

ଚାଷରେଅଧିକଲାଭବାନହେବାପାଇଁଓୟୁଏଟିକଳିଙ୍ଗଉତ୍ପାଦ (ଚାରା,QPM, ଟିସୁ କଲଚର ଗଛ, ଫଳ ଓ ପନିପରିବା, ଯାଅଁଳ,କୁକୁଡା ଚିଆଁ, ଛତୁ, ଛତୁ ମଞ୍ଜି, ଜୈବିକ ସାର, ଜୈବିକ କୀଟନାଶକ, ଜିଆ ଖତ, କୃଷି ଯନ୍ତ୍ରପାତି ଇତ୍ୟାଦି ) ବ୍ୟବହାର କରନ୍ତୁ ।

ଭାରତୀୟପାଣିପାଗବିଭାଗରପୂର୍ବାନୁମାନଓପାଣିପାଗଭିତିକକୃଷିସୂଚନାନିମନ୍ତେଅଧିକବିବରଣୀପାଇଁ MEGHDOOT ମୋବାଇଲ ଆପ ବ୍ୟବହାର କରନ୍ତୁ ।

(Android: https://play.google.com/store/apps/details?id=com.aas.meghdoot)

(iOS: https://apps.apple.com/in/app/meghdoot/id1474048155)